# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**14 August– 2026**

---

## ରାଜ୍ୟପାଳ

ବିଶ୍ୱବିଦ୍ୟାଳୟ ଗୁଡ଼ିକ ନିଜ ଅଞ୍ଚଳର ଅନ୍ତତଃ ଗୋଟିଏ ଗ୍ରାମକୁ ପୋଷ୍ୟଗ୍ରାମ ଭାବେ ଗ୍ରହଣ କରି ସ୍ଥାନୀୟ ଲୋକଙ୍କ ଦକ୍ଷତା ଓ ସମ୍ଭାବନା ଚିହ୍ନଟ କରିବା ସହ ଆବଶ୍ୟକତା ଭିତ୍ତିକ ପ୍ରଶିକ୍ଷଣ ଓ ଔଦ୍ୟୋଗିକ ସୁଯୋଗ ସୃଷ୍ଟି କରିବାକୁ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟୀ ଆହ୍ୱାନ ଦେଇଛନ୍ତି । ଜଟଣୀସ୍ଥିତ ଏକ ବିଶ୍ୱବିଦ୍ୟାଳୟରେ ଆୟୋଜିତ କାର୍ଯ୍ୟକ୍ରମରେ ରାଜ୍ୟପାଳ ବିଶ୍ୱବିଦ୍ୟାଳୟଗୁଡ଼ିକୁ ବିଭିନ୍ନ ସରକାରୀ ଯୋଜନା ବିଷୟରେ ସଚେତନତା ସୃଷ୍ଟି ପାଇଁ ପଦକ୍ଷେପ ନେବାକୁ ପରାମର୍ଶ ଦେଇଛନ୍ତି ।

---

## ରାଷ୍ଟ୍ରପତି ଉଦ୍‌ବୋଧନ

ଦେଶ ଆସନ୍ତାକାଲି ଅଶୀତମ ସ୍ୱାଧୀନତା ଦିବସ ପାଳନ କରିବ । ଏହା ପୂର୍ବରୁ ଆଜି ସନ୍ଧ୍ୟା ୭ଟାରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଦେଶବାସୀଙ୍କ ଉଦ୍ଦେଶ୍ୟରେ ଉଦ୍‌ବୋଧନ ଦେବେ । ଆକାଶବାଣୀ ଏବଂ ଦୂରଦର୍ଶନର ସମସ୍ତ ଚ୍ୟାନେଲ୍‌ରେ ଉଭୟ ହିନ୍ଦୀ ଓ ଇଂରାଜୀରେ ଏହାର ସିଧା ପ୍ରସାରଣ କରାଯିବ । ରାଷ୍ଟ୍ରପତିଙ୍କ ଉଦ୍‌ବୋଧନ ପରେ ଦୂରଦର୍ଶନରେ ଏହାର ଆଞ୍ଚଳିକ ଭାଷାନ୍ତରଣ ପ୍ରସାରଣ କରାଯିବ । ଆକାଶବାଣୀରେ ରାତି ୯ଟା ୩୦ ମିନିଟ୍ ସମୟରେ ଆଞ୍ଚଳିକ ଭାଷାନ୍ତରଣ ପ୍ରସାରିତ ହେବ ।

ସ୍ୱାଧୀନତା ଦିବସ ଉପଲକ୍ଷେ ଆସନ୍ତାକାଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଦିଲ୍ଲୀର ଲାଲ୍‌କିଲ୍ଲାଠାରେ ଜାତୀୟ ପତାକା ଉତ୍ତୋଳନ କରିବା ସହ ଦେଶବାସୀଙ୍କୁ ସମ୍ବୋଧନ କରିବେ ।

## ସ୍ୱାଧୀନତା ଦିବସ ପାଳନ

ଭୁବନେଶ୍ୱରରେ ଆସନ୍ତାକାଲି ରାଜ୍ୟସ୍ତରୀୟ ସ୍ୱାଧୀନତା ଦିବସ ସମାରୋହ ପାଳନ କରାଯିବ । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ  ଏହି ଅବସରରେ ଜାତୀୟ ପତାକା ଉତ୍ତୋଳନ କରିବା ସହ ଉଦ୍‌ବୋଧନ ଦେବେ। ସେହିଭଳି କଟକ ବାରବାଟୀ ଷ୍ଟାଡିୟମରେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ଜାତୀୟ ପତାକା ଉତ୍ତୋଳନ କରିବେ ।

## ମୁଖ୍ୟମନ୍ତ୍ରୀ-ସମୀକ୍ଷା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଭୁବନେଶ୍ୱର ଲୋକସେବା ଭବନରେ ଶକ୍ତି ବିଭାଗର ବିଭିନ୍ନ କାର୍ଯ୍ୟକ୍ରମ ଓ ପ୍ରକଳ୍ପର ସମୀକ୍ଷା କରିଛନ୍ତି । ବୈଠକରେ ଶ୍ରୀ ମାଝୀ ୨୦୩୦ ମସିହା ସୁଦ୍ଧା ରାଜ୍ୟର ପ୍ରତ୍ୟେକ ଅଞ୍ଚଳକୁ ଗୁଣାତ୍ମକ ବିଦ୍ୟୁତ୍ ସେବା ଯୋଗାଇ ଦେବା ନେଇ ଗୁରୁତ୍ୱାରୋପ କରିଛନ୍ତି । ବୈଠକରୁ ଜଣାପଡ଼ିଛି ବର୍ତ୍ତମାନ ରାଜ୍ୟରେ ୨୧୦ଟି ଗ୍ରୀଡ୍ ଷ୍ଟେସନ୍ କାର୍ଯ୍ୟକ୍ଷମ ରହିଛି । ନିରବଚ୍ଛିନ୍ନ ବିଦ୍ୟୁତ୍ ସେବା ସୁନିଶ୍ଚିତ କରିବା ପାଇଁ  ୭୬୫ କେ.ଭି. ଗ୍ରୀଡ୍‌ର ଏକ ରିଙ୍ଗ୍ ସିଷ୍ଟମ୍ ସ୍ଥାପନ କରାଯାଉଛି । ୨୦୩୦-୩୧ ଆର୍ଥିକବର୍ଷ ସୁଦ୍ଧା ରାଜ୍ୟରେ ୧୬ ହଜାର କୋଟି ଟଙ୍କାର ଶିଳ୍ପ ପ୍ରକଳ୍ପ ନିର୍ମାଣ ହେବ ବୋଲି ସୂଚନା ମିଳିଛି ।

## ଛାତ୍ରାବାସ ଉଦ୍‌ଘାଟନ-ମନ୍ତ୍ରୀ

ଓଡ଼ିଶା ରାଜ୍ୟ ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷଙ୍କ ଦ୍ଵାରା ଭୁବନେଶ୍ୱର ଗୋଠପାଟଣାସ୍ଥିତ ରାଜସ୍ୱ ଅଧିକାରୀ ତାଲିମ ପ୍ରତିଷ୍ଠାନ ପରିସରରେ ନୂତନ ବିପର୍ଯ୍ୟୟ ପରିଚାଳନା ତାଲିମ ଛାତ୍ରାବାସ ସୁରକ୍ଷାକୁ ବିଭାଗୀୟ ମନ୍ତ୍ରୀ ସୁରେଶ ପୂଜାରୀ ଉଦ୍‌ଘାଟନ କରିଛନ୍ତି । ଏହା ସହ ୨ଟି ତାଲିମ୍ ଛାତ୍ରାବାସ ସଜାଗ ଓ ସଂକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି ।

---

## ସାଇବର ସଚେତନତା

ରାଜ୍ୟରେ ସାଇବର ଅପରାଧର ମୁକାବିଲା ପାଇଁ ଛାତ୍ରଛାତ୍ରୀଙ୍କୁ ସଚେତନ କରିବା ଲାଗି ଆଜି ମଧ୍ୟାହ୍ନରେ ଓଡ଼ିଶା ପୋଲିସ୍‌ର କ୍ରାଇମ୍‌ବ୍ରାଞ୍ଚ ସାଇବର୍ କ୍ରାଇମ୍ ୟୁନିଟ୍ ପକ୍ଷରୁ ବିଦ୍ୟାଳୟ ସ୍ତରରେ ଆଭାସୀ କାର୍ଯ୍ୟକ୍ରମ ଆୟୋଜନ କରାଯାଇଛି । ଏ ସଂପର୍କରେ ଓଡ଼ିଶା ବିଦ୍ୟାଳୟ ଶିକ୍ଷା କାର୍ଯ୍ୟକ୍ରମ ପ୍ରାଧିକରଣ ପକ୍ଷରୁ ରାଜ୍ୟର ସମସ୍ତ ଜିଲ୍ଲା ଶିକ୍ଷାଧିକାରୀଙ୍କୁ ଅବଗତ କରାଯାଇଛି ।

---

## ବୟନ ଶିଳ୍ପମନ୍ତ୍ରୀ

ଭୁବନେଶ୍ୱର ରେଶା ଭବନଠାରେ ରାଜ୍ୟସ୍ତରୀୟ ଜାତୀୟ ହସ୍ତତନ୍ତ ଦିବସ ଉଦ୍‌ଯାପନୀ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଯୋଗଦେଇ ବିଭାଗୀୟ ମନ୍ତ୍ରୀ ପ୍ରଦୀପ ବଳସାମନ୍ତ କହିଛନ୍ତି, ପ୍ରତ୍ୟେକ ବୟନ ଆମ ଭୂମି, ଆମ ଲୋକ ଓ ଆମ କାଳଜୟୀ ପରମ୍ପରାର କାହାଣୀ ବହନ କରେ । ସରକାରଙ୍କ ବହୁମୁଖୀ ଓ ଅନ୍ତର୍ଭୁକ୍ତିସଂପନ୍ନ ଆଭିମୁଖ୍ୟ ମାଧ୍ୟମରେ

ବୁଣାକାରଙ୍କ କଲ୍ୟାଣ ଓ ସଶକ୍ତିକରଣ ସୁନିଶ୍ଚିତ କରାଯାଉଛି ବୋଲି ମନ୍ତ୍ରୀ କହିଛନ୍ତି ।

## ତ୍ରିରଙ୍ଗା ଶୋଭାଯାତ୍ରା

ରାଜ୍ୟର ବିଭିନ୍ନ ସ୍ଥାନରେ ହର୍ ଘର୍ ତିରଙ୍ଗା କାର୍ଯ୍ୟକ୍ରମ ଆୟୋଜିତ ହେଉଛି। ଏହି କ୍ରମରେ ନୟାଗଡ଼ ଜିଲ୍ଲା ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦ ପକ୍ଷରୁ ଏକ ବିଶାଳ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି । ଏଥିରେ ୩ ହଜାରରୁ ଅଧିକ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ । କନ୍ଧମାଳ ଜିଲ୍ଲା ଫିରିଙ୍ଗିଆ ବ୍ଲକ୍‌ରେ ବିଏସ୍ଏଫ୍ ୧୨୫ ବାଟାଲିୟନ୍ ପକ୍ଷରୁ କମାଣ୍ଡୋ ନିର୍ମଳ କୁମାର ଦାସଙ୍କ ନେତୃତ୍ୱରେ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି । ଏଥିରେ ୩୦ ଜଣ ଯବାନଙ୍କ ସମେତ ସ୍ଥାନୀୟ ଯୁବକମାନେ ଅଂଶ ଗ୍ରହଣ କରିଥିଲେ ।

## ବିଭାଜନ ବିଭୀଷିକା ସ୍ମୃତି ଦିବସ

୧୯୪୭ ମସିହା ଅଗଷ୍ଟ ମାସ ୧୪ ତାରିଖ ଆଜିର ଦିନରେ ଦେଶ ବିଭାଜନ ହୋଇଥିଲା। ଏହି ଦିନକୁ ମନେପକାଇ ଦେଶ ଆଜି 'ବିଭାଜନ ବିଭୀଷିକା ସ୍ମୃତି ଦିବସ' ପାଳନ କରୁଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଘୋଷଣାକ୍ରମେ ୨୦୨୧ ମସିହାରୁ ପ୍ରତିବର୍ଷ ଅଗଷ୍ଟ ୧୪ ତାରିଖରେ ଏହି ଦିବସ ପାଳନ କରାଯାଉଛି । ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଆଜି ସନ୍ଧ୍ୟାରେ ଏହି ଅବସରରେ ଆୟୋଜିତ ହେବାକୁ ଥିବା କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗଦେବେ ।

# ପାଣିପାଗ / ଜଳସ୍ତର

ବଙ୍ଗୋପସାଗରରେ ସକ୍ରିୟ ଲଘୁଚାପ କ୍ଷେତ୍ର ଅଧିକ ଘନୀଭୂତ ହେବା ସହ ପଶ୍ଚିମବଙ୍ଗ ଉପକୂଳରେ ଅବପାତରେ ପରିଣତ ହୋଇ କେନ୍ଦ୍ରୀଭୂତ ହୋଇଛି । ଏହାର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗି ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବିଜୁଳି ଘଡ଼ଘଡ଼ି ସହ ଅତି ପ୍ରବଳ ବର୍ଷା ହେବା ନେଇ ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼ ଓ ସମ୍ବଲପୁର ଜିଲ୍ଲା ପାଇଁ ସତର୍କ ସୂଚନା ଜାରି କରାଯାଇଛି । ଗତକାଲି ବାଲେଶ୍ୱର ଜିଲ୍ଲାର ଭୋଗରାଇଠାରେ ସର୍ବାଧିକ ୨୩୬ ମିଲିମିଟର ବର୍ଷା ରେକର୍ଡ ହୋଇଥିଲା ।

ଲଗାଣ ବର୍ଷା ଯୋଗୁଁ ବିଭିନ୍ନ ନଦୀର ଜଳସ୍ତର ବୃଦ୍ଧି ପାଇବାରେ ଲାଗିଛି । ସୁବର୍ଣ୍ଣରେଖା, ବୁଢ଼ାବଳଙ୍ଗ, ଜଳକା, ସାଳନ୍ଦୀ, ଜମ୍ବୀରା ଆଦି ନଦୀରେ ବନ୍ୟା ଜଳ ବୃଦ୍ଧି ପାଉଛି । ଭଦ୍ରକ ଜିଲ୍ଲା ଆଖୁଆପଦା ନିକଟରେ ବୈତରଣୀ ନଦୀର ଜଳସ୍ତର ବିପଦ ସଂକେତ ଉପରେ ପ୍ରବାହିତ ହେଉଛି । ସେହିପରି ସାଳନ୍ଦୀ ନଦୀର ରାଜଘାଟ ଠାରେ ଜଳସ୍ତର ବୃଦ୍ଧି ପାଉଛି । ସରକାର ବନ୍ୟା ସ୍ଥିତି ପ୍ରତି ସଜାଗ ରହିବା ସହ ମହାନଦୀରେ ବନ୍ୟା ଆଶଙ୍କା ନାହିଁ ବୋଲି ଜଳସମ୍ପଦ ବିଭାଗର ସର୍ବୋଚ୍ଚ ଯନ୍ତ୍ରୀ ଦିଲ୍ଲୀପ ରାଉତ କହିଛନ୍ତି ।